# ଆଜି ଅନୁଗୋଳ ଜିଲ୍ଲାରୁ ୧୯ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୦୨୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୭ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୧୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ଵାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୨୦ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୪ଜଣ ପୁରୁଷ ), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ ଜଣ ମହିଳା) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା) ଅଛନ୍ତି । ଆଜି ଆଠମଲ୍ଲିକ ବିଜ୍ଞାପିତ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ଵଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ଵାଇଁ ପ୍ରକାଶ କରିଛନ୍ତି ।। ଆଜି ଅନୁଗୋଳ ଜିଲ୍ଲାରୁ ୧୭ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୧ଜଣ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡରୁ ଓ ୧୬ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୦ ତା.୦୮.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ